ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/SME(OD)/443/28-07-2025

## ପିଜିଟି ଶିକ୍ଷକଙ୍କ ପାଞ୍ଚ ଦିନିଆ ପ୍ରଶିକ୍ଷଣ କାର୍ଯ୍ୟକ୍ରମର ଆୟୋଜନ

ଭୁବନେଶ୍ୱର, ୨୮ ଜୁଲାଇ ୨୦୨୫

ଉଚ୍ଚ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ଅଧିନ ବେସରକାରୀ ଅନୁଦାନପ୍ରାପ୍ତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ନିଯୁକ୍ତି ପାଇଥିବା ଇତିହାସ ଓ ଇଂରାଜୀ ବିଷୟର ସ୍ନାତକୋତ୍ତର ବା ପିଜିଟି ଶିକ୍ଷକ-ଶିକ୍ଷୟିତ୍ରୀମାନଙ୍କ ପାଇଁ ୫ ଦିନିଆ ପ୍ରଶିକ୍ଷଣ ଶିରିପୁରସ୍ଥିତ ଇମେଜ୍ ଠାରେ ଆୟୋଜିତ କରାଯାଇଛି । ଏହି ପ୍ରଶିକ୍ଷଣରେ ୧୦୦ ଜଣ ପିଜିଟି ଶିକ୍ଷକ-ଶିକ୍ଷୟିତ୍ରୀ ଯୋଗ ଦେଇଛନ୍ତି । ଉଦଘାଟନୀ ଅଧିବେଶନରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ଅତିରିକ୍ତ ଶାସନ ସଚିବ ଶ୍ରୀମତୀ ଶୁଭଶ୍ରୀ ନନ୍ଦ, ଉଚ୍ଚ ମାଧ୍ୟମିକ ନିର୍ଦ୍ଦେଶାଳୟର ଯୁଗ୍ମ ନିର୍ଦ୍ଦେଶିକା ଶ୍ରୀମତୀ ସସ୍ମିତା ମାଳି, ଶ୍ରୀମତୀ ସ୍ନିଗ୍ଧା ମିଶ୍ର, ଶ୍ରୀମତୀ ଜୁଲି ମଙ୍ଗରାଜ ଓ ଉପ-ନିର୍ଦ୍ଦେଶକ ଶ୍ରୀ ଜିତେନ୍ଦ୍ର ନାୟକ ଉପସ୍ଥିତ ଥିଲେ ।

ଉଦଘାଟନୀ ଅଧିବେଶନରେ ଯୋଗ ଦେଇ ଅତିରିକ୍ତ ଶାସନ ସଚିବ ଶ୍ରୀମତୀ ନନ୍ଦ କହିଛନ୍ତି, ଛାତ୍ରଛାତ୍ରୀମାନଙ୍କର ସର୍ବାଙ୍ଗୀନ ଉନ୍ନତି ଓ ସେମାନଙ୍କର ଚରିତ୍ର ଗଠନ ନିମନ୍ତେ ଶିକ୍ଷକ-ଶିକ୍ଷୟିତ୍ରୀମାନଙ୍କୁ ନମ୍ର ହେବାକୁ ପଡ଼ିବ । ଛାତ୍ରଛାତ୍ରୀମାନଙ୍କର ମାନସିକ ଚାପକୁ ହ୍ରାସ କରିବା ପାଇଁ ସୌହାର୍ଦ୍ଦ୍ୟପୂର୍ଣ୍ଣ ବାତାବରଣରେ ଶିକ୍ଷା ପ୍ରଦାନ କରିବା ସହ ଅଭିଭାବକମାନଙ୍କୁ ମଧ୍ୟ ସଚେତନ କରାଇବାର ଆବଶ୍ୟକତା ରହିଛି । ଏଥିସହ ଏକବିଂଶ ଶତାବ୍ଦୀର ଶିକ୍ଷାର ଆବଶ୍ୟକତାକୁ ଦୃଷ୍ଟିରେ ରଖି ଜାତୀୟ ଶିକ୍ଷା ନୀତିରେ ଥିବା ଧନ୍ଦାମୂଳକ, ବୈଷୟିକ, ଦକ୍ଷତା ବିକାଶ ଓ ଡିଜିଟାଲ୍ ଶିକ୍ଷାକୁ ପ୍ରାଧାନ୍ୟ ଦେବା ପାଇଁ ଶ୍ରୀମତୀ ନନ୍ଦ ଗୁରୁତ୍ୱ ଦେଇଥିଲେ । ସେହିପରି ଯୁଗ୍ମ ନିର୍ଦ୍ଦେଶିକା ଶ୍ରୀମତୀ ସସ୍ମିତା ମାଳି ସ୍ୱାଗତ ଅଭିଭାଷଣ ପ୍ରଦାନ କରିବା ସହ ପିଜିଟି ଶିକ୍ଷକ-ଶିକ୍ଷୟିତ୍ରୀମାନଙ୍କୁ ତାଲିମ୍ କାର୍ଯ୍ୟକ୍ରମରେ ଉଦ୍ଦେଶ୍ୟ ସମ୍ପର୍କରେ ସୂଚନା ଦେଇଥିବା ବେଳେ ଯୁଗ୍ମ ନିର୍ଦ୍ଦେଶିକା ଶ୍ରୀମତୀ ସ୍ନିଗ୍ଧା ମିଶ୍ର ଧନ୍ୟବାଦ ଅର୍ପଣ କରିଛନ୍ତି ।

ଏହି ପାଞ୍ଚ ଦିନିଆ ତାଲିମ୍ କାର୍ଯ୍ୟକ୍ରମରେ ପିଜିଟିମାନଙ୍କ ଦକ୍ଷତା ବିକାଶ ଉପରେ ପ୍ରାଧାନ୍ୟ ଦିଆଯିବ । ଓଡ଼ିଶା କ୍ୟାରିୟର ପୋର୍ଟାଲ୍ ପରିଚାଳନା, ଶିକ୍ଷକମାନଙ୍କ ବୃତ୍ତିଗତ ବିକାଶ, ଶ୍ରେଣୀଗୃହ ପରିଚାଳନା ଓ ଶିକ୍ଷଣ ଦକ୍ଷତା ବିକାଶ, ଗ୍ରୁପ୍ ଆକ୍ଟିଭିଟି, ଆକାଂକ୍ଷା ବିଦ୍ୟାଳୟର ଗଠନ ଆଦି ସମ୍ପର୍କରେ ତାଲିମ୍ ଦିଆଯିବ । ଏଥିସହ ପୂର୍ବରୁ କରାଯାଇଥିବା ତାଲିମ୍ କାର୍ଯ୍ୟକ୍ରମରୁ ମତାମତ ଗ୍ରହଣ କରିବା ପରେ ଚଳିତ ତାଲିମ୍ କାର୍ଯ୍ୟକ୍ରମରେ ଆଇ-ଜିଓଟି କର୍ମଯୋଗୀ ଆପ୍ ର ବ୍ୟବହାର, ଧନ୍ଦାମୂଳକ ଶିକ୍ଷା, ଛାତ୍ରବୃତ୍ତି, ସୁସ୍ଥ ଶ୍ରେଣୀଗୃହ ପାଇଁ ବ୍ୟକ୍ତିଗତ ପୁଷ୍ଟିସାରସ୍ତର ବୃଦ୍ଧି ଓ ସ୍ୱାସ୍ଥ୍ୟର ଉନ୍ନତି, କ୍ଲାଇମେଟ୍ ରେଜିଲିଏଣ୍ଟ ବିଦ୍ୟାଳୟ ଆଦି ସମ୍ପର୍କରେ ତାଲିମ୍ ଦିଆଯିବ ।

ରୋଜାଲିନ୍ ସାହୁ
ଲୋକସମ୍ପର୍କ ଅଧିକାରୀ
ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ